(Misc Case No. 04/2026)

# ତହସିଲଦାରଙ୍କ କାର୍ଯ୍ୟାଳୟ, ମୋରଡା

ଇସ୍ତାହାର ନଂ ୧୩୭୨ / ତା ୦୨.୦୬.୨୦୨୬ ରିଖ

ଏତଦ୍ବାରା ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲ ଭୁକ୍ତ ସରକାରୀ ଜମିକୁ ନିମ୍ନ ଆବେଦନକାରୀଙ୍କୁ ହସ୍ତାନ୍ତର କରାଯିବାକୁ ପ୍ରସ୍ତାବ ମଞ୍ଜୁର ହୋଇଅଛି । ଏଥିରେ ଆବେଦନକାରୀଙ୍କ ନାମ, ଠିକଣା ଏବଂ ପ୍ରସ୍ତାବିତ ଜମିର ସବିଶେଷ ବିବରଣୀ ନିମ୍ନରେ ଉଲ୍ଲେଖ କରାଯାଇଅଛି । ଯେହେତୁ ଉକ୍ତ ଜମି ସରକାରୀ ସର୍ବସାଧାରଣ ଖାତା ଏବଂ କିସମ ରାସ୍ତା ଅଛି ତେଣୁ ତାହାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି ଖାତା ଏବଂ କିସମ ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର (୧୫) ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

## ତଫସିଲ

ମୌଜାର ନାମ- ହରେକୃଷ୍ଣପୁର ଥାନାର ନାମ- ମୋରଡା ନଂ- ୧୪୭

| ଖାତା ନଂ | ପ୍ଲଟ ନଂ | କିସମ | ରକବା | ପ୍ରସ୍ତାବିତ | ଆବେଦନକାରୀଙ୍କ ନାମ ଏବଂ ଠିକଣା |
|---|---|---|---|---|---|
| ୨୩୧ (ସର୍ବସାଧାରଣ) | ୧୬୮୪ | ରାସ୍ତା | ଏ୦.୦୭୫ | ଖାତା- ଆବାଦ ଯୋଗ୍ୟ ଅନାବାଦୀ କିସମ-ପତିତ | ବାଣିଜ୍ୟ ଏବଂ ପରିବହନ ବିଭାଗ, ଓଡିଶା ସରକାର, ମାର୍ଫତ ଆଞ୍ଚଳିକ ପରିବହନ ଅଧିକାରୀ, ମୟୁରଭଞ୍ଜ |
| ମୋଟ | | | ଏ୦.୦୭୫ | | |

ଏହାର ଏକକିତା ନକଲ ହରେକୃଷ୍ଣପୁର ମୌଜାରେ ଡେଙ୍ଗୁରା ଦ୍ୱାରା ଜାରି କରିବାକୁ ପଠାଗଲା ।
ଏହାର ଏକକିତା ନକଲ ଗୋଷ୍ଠୀଉନ୍ନୟନ ଅଧିକାରୀ, ମୋରଡା/ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ପଲଶମୁଣ୍ଡି/ ରାଜସ୍ୱ ନିରୀକ୍ଷକ, ମୋରଡା ଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।
ଏହାର ଏକକିତା ନକଲ ମୋରଡା ତହସିଲ ଅଫିସ ନୋଟିସ ବୋର୍ଡରେ ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦାଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

02.06.26

ତହସିଲଦାର, ମୋରଡା
MORADA